ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ଭିନ୍ନକ୍ଷମ ଓ ବରିଷ୍ଠଙ୍କ ପାଇଁ ସ୍ୱତନ୍ତ୍ର ଯାନ
# ଲୋକାର୍ପଣ କଲେ ମନ୍ତ୍ରୀ ଶ୍ରୀ ଅଶୋକ ପଣ୍ଡା

ଭୁବନେଶ୍ୱର, ୧୪/୦୨/୨୦୨୦

ଲୋକସେବା ଭବନକୁ ଗମନାଗମନ ନିମନ୍ତେ ଭିନ୍ନକ୍ଷମ ଓ ବରିଷ୍ଠ ନାଗରିକମାନଙ୍କ ସକାଶେ ଉଦ୍ଦିଷ୍ଟ ଏକ ସ୍ୱତନ୍ତ୍ର ଯାନ ଆଜି ଲୋକାର୍ପିତ ହୋଇଛି । ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ମନ୍ତ୍ରୀ ଶ୍ରୀ ଅଶୋକ ଚନ୍ଦ୍ର ପଣ୍ଡା ଆଜି ପୂର୍ବାହ୍ନରେ ଲୋକସେବା ଭବନ ଅଭ୍ୟର୍ଥନା ପ୍ରକୋଷ୍ଠ ନିକଟରେ ଏହି ଯାନର ଲୋକାର୍ପଣ କରିଛନ୍ତି ।

ମନ୍ତ୍ରୀ ଶ୍ରୀ ପଣ୍ଡା କହିଛନ୍ତି ଯେ, ପରବର୍ତ୍ତୀ ପର୍ଯ୍ୟାୟରେ ଅନ୍ୟାନ୍ୟ କାର୍ଯ୍ୟାଳୟଗୁଡ଼ିକରେ ଏପରି ସ୍ୱତନ୍ତ୍ର ଯାନ ରଖାଯିବା ପାଇଁ ଉଦ୍ୟମ କରାଯିବ । ରାଜ୍ୟର ୫୮ଟି ଉପଖଣ୍ଡ ସଦର ମହକୁମାରେ ବରିଷ୍ଠ ନାଗରିକମାନଙ୍କ ନିମନ୍ତେ ଡେ କେୟାର  ସେଣ୍ଟର ପ୍ରତିଷ୍ଠା କରିବାର ଯୋଜନା ହାତକୁ ନିଆଯିବା କଥା ମନ୍ତ୍ରୀ ଶ୍ରୀ ପଣ୍ଡା ଉଲ୍ଲେଖ କରିଛନ୍ତି ।

ଲୋକସେବା ଭବନକୁ ପ୍ରତିଦିନ କାର୍ଯ୍ୟୋପଲକ୍ଷେ ବିଭିନ୍ନ ସ୍ଥାନରୁ ଆସୁଥିବା  ଭିନ୍ନକ୍ଷମ ତଥା ବରିଷ୍ଠ ନାଗରିକମାନଙ୍କ ସୁଗମ୍ୟ ଯାତାୟତ ପାଇଁ ଏହି ଯାନ ସମର୍ପିତ ହୋଇଛି । ଏହି ଯାନରେ ଚାଳକଙ୍କ ବ୍ୟତୀତ ୪ ଜଣ ବସି ପାରିବେ । ପରିବେଶ ଅନୁକୂଳ ବ୍ୟାଟେରୀ ଚାଳିତ ଏହି ଯାନର ମୂଲ୍ୟ ୬ ଲକ୍ଷ ଟଙ୍କାରୁ ଅଧିକ । ଫେଡେରାଲ ବ୍ୟାଙ୍କର ଔଦ୍ୟୋଗିକ ସାମାଜିତ ଦାୟିତବୋଧ କାର୍ଯ୍ୟକ୍ରମରେ ହରମିସ୍ ମେମୋରିଆଲ ଫାଉଣ୍ଡେସନ ଆନୁକୂଲ୍ୟରେ ଏହି ସ୍ୱତନ୍ତ୍ର ଯାନ ଯୋଗାଇ ଦିଆଯାଇଛି ।

ଆଜି ପୂର୍ବାହ୍ନରେ ଅନୁଷ୍ଠିତ ଏହି ଲୋକାର୍ପଣ କାର୍ଯ୍ୟକ୍ରମରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ଭାସ୍କର ଶର୍ମା, ନିର୍ଦ୍ଦେଶକ ଶ୍ରୀମତୀ ବ୍ରତତୀ ହରିଚନ୍ଦନ, ଫେଡେରାଲ ବ୍ୟାଙ୍କର ଆଞ୍ଚଳିକ ମୁଖ୍ୟ ଶ୍ରୀ କୈଳାସ ଚନ୍ଦ୍ର ଦାସ ଓ ବ୍ୟାଙ୍କର ଶାଖା ମୁଖ୍ୟ ଶ୍ରୀ ରାକେଶ କୁମାରଙ୍କ ସମେତ ବିଭାଗୀୟ ପଦାଧିକାରବୃନ୍ଦ ଉପସ୍ଥିତ ଥିଲେ ।

ସୂର୍ଯ୍ୟ ମିଶ୍ର
ସୂଚନା ଅଧିକାରୀ